# ଆଜି ଅନୁଗୋଳ ଜିଲ୍ଲାରୁ ୩୭ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୧୭୦୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୩ ଜଣ ।

ଆଜି ଅନୁଗୋଳ ଜିଲ୍ଲାରେ ୩୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଂକ ସଂଖ୍ୟା ୨୦୬ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ୧୯ ଜଣ ( ୧୫ ଜଣ ପୁରୁଷ ଓ ୪ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮ଜଣ (୬ ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୫ଜଣ ( ୨ଜଣ ପୁରୁଷ ଓ ୩ଜଣ ମହିଳା), ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ ୪ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା) ଓ ଅନୁଗୋଳ ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି ।। ଆଜି ଅନୁଗୋଳ ବ୍ଲକ, କିଶୋରନଗର ବ୍ଲକ, ପାଲଲହଡା ବ୍ଲକ, ତାଳଚେର ପୌରାଞ୍ଚଳ, ଆଠମଲ୍ଲିକ ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୨୩ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୩୮ ତା.୨୩.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ